ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୫ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୧୬୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୦ ଜଣ ।

ଅନୁଗୋଳ, ତା. ୧୬.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୨୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଓ ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଆଜି ତାଳଚେର ବ୍ଲକ, ତାଳଚେର ପୌରାଞ୍ଚଳ, ପାଲଲହଡା ବ୍ଲକ, ଆଠମଲ୍ଲିକ ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ ଅନୁଗୋଳ ବ୍ଲକ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୦ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୭ ତା.୧୬.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ